# ଷଡ଼୍‌ବିଂଶ ପରିଚ୍ଛେଦ

**ବାବାଜୀ ଲଳିତା ଦାସ :**

ଗଲା କାଲିଠାରୁ ଗାଁରେ ଭାରି ଗୋଟାଏ ଚହଳ ପଡିଛି । ହାଟ-ବାଟ, ଗାଧୁଆ ତୁଠ, ହାଣ୍ଡିଶାଳ , ଢ଼େଙ୍କିଶାଳ , ଯେଉଁଠାକୁ ଯାଅ, ଶୁଣ ସେହି କଥା । କେଉଁଠାରେ ତୁନିତୁନି କଥା ଚାଲିଛି, କେହି ପାଟିକରି କହୁଛି, କେହିଜଣେ କୁହାଳିଆ ହାତ ହଲାଇ, ମୁଣ୍ଡ ହଲାଇ କଥା ମେଲିଛି, ପାଞ୍ଚଜଣ ବସି ଥିର ମନରେ ଶୁଣୁଛନ୍ତି । କଥାଟା ତ ନାନା ରୂପ ଧାରଣ କରି ଚାଲିଛି, ଆମ୍ଭେମାନେ ତାହାର ସାରାଂଶ ଆପଣଙ୍କୁ ଶୁଣାଇବୁ ।

ମଙ୍ଗରାଜେ କଟକ ଯିବା ସାତ ଦିନଠାରୁ ପୁରୀ କ୍ଷେତ୍ରରୁ ଗୋଟିଏ ବାବାଜୀ ଆସି ଗୋବିନ୍ଦପୁରର ଭାଗବତ ଘରେ ମଠ କରିଅଛନ୍ତି । ବାବାଜୀଙ୍କ ନାମ ଲଳିତା ଦାସ, ବୟସ ଅଧୋଡା, ବର୍ଣ୍ଣ ଶ୍ୟାମଳ , ଦେହଟି ଥାକୁଲଥୁକୁଲ, ମୁଣ୍ଡଟି ଲଣ୍ଡା , ମଝିରେ ତରଭୁଜ ଡେମ୍ଫପରି ଚୁରକି, ବେକରେ ମୋଟା ମୋଟା ତୁଳସୀ କଣ୍ଠି ପାଞ୍ଚଫେରା ବସିଛି । ବାବାଜୀ ମୁହଁ ଅନ୍ଧାରରୁ ଉଠି ପ୍ରାତଃସ୍ନାନ ସାରି ନାସା ଅର୍ଦ୍ଧରୁ କେଶ ପର୍ଯ୍ୟନ୍ତ ଚିତା ଆଉ ଡେଡ୍‌ଲେଟର ଅଫିସରୁ ବେରିଂ ଚିଠି ବାହୁଡିଲାପରି ସର୍ବାଙ୍ଗରେ ଛାପା ଲଗାଇ ହରିନାମ ଶୁଣାଇବା ସକାଶେ ଗ୍ରାମକୁ ବାହରନ୍ତି । ପରିଧାନ କୌପୀନ ; ତାହା ଉପରେ ବହିର୍ବାସ , ପିଠିରେ ନାମାବଳୀ, ହାତରେ ଝୁଲି । ବାବାଜୀ ଗ୍ରାମରେ ବୁଲି ଲୋକମାନଙ୍କୁ ହରିନାମ ଶୁଣାନ୍ତି , ସନ୍ଧ୍ୟା ସମୟରେ ଖଞ୍ଜଣୀ ବଜାଇ କୀର୍ତ୍ତନ ଗା'ନ୍ତି , ତହିଁ ଉତ୍ତାରେ ଚୈତନ୍ୟ ଭାଗବତ ପାଠ । ସନ୍ଧ୍ୟା ସମୟରେ ଭାଗବତଘରେ ଭାରି ବୈଠକ ହୁଏ ଗ୍ରାମର ବୁଢ଼ା ଭଳିଆ ଦଶ ବାରଜଣ ତନ୍ତୀ ଭେକ ନେବାର କଥା ହେଲାଣି । ବାବାଜୀଟି ଭାରି ନିର୍ଲୋଭ , କହି କିଛି ଦେଲେ '' ହରେ କୃଷ୍ଣ , ହରେ କୃଷ୍ଣ '' କହନ୍ତି । ଏପରି ସାଧୁ କେବେ କାହିଁ ଦେଖା ନାହିଁ । ଆଜକୁ ଦୁଇଦିନ ହେଲା ବାବାଜୀ କାହିଁ ଅନ୍ତର୍ଦ୍ଧାନ ହୋଇଗଲାଣି, ସାଙ୍ଗେ ସାଙ୍ଗେ ମଙ୍ଗରାଜଙ୍କ ଉଆସରେ ମରୁଆକୁ ଖୋଜା ପଡିଛି । କେହି କେହି କହନ୍ତି , ସେ ବାବାଜୀ ସାଙ୍ଗରେ ବୃନ୍ଦାବନ ଧାମକୁ ଚାଲିଗଲା । ବାସ୍ତବରେ ସେ ଯଦି ସାଧୁ ସହବାସ ରେ ତୀର୍ଥଯାତ୍ରା

ଉଦ୍ଦେଶ୍ୟରେ ବାହାରି ଯାଇଥାଏ, ତେବେ ଆମ୍ଭେମାନେ କାହାର ଚରିତ୍ର ବିପକ୍ଷରେ କୌଣସି ମନ୍ତବ୍ୟ ପ୍ରକାଶ କରିବାଦ୍ବାରା ସାଧୁ ଏବଂ ସାଧ୍ବୀଙ୍କର ନିନ୍ଦାଜନିତ ମହାପାତକ ଅର୍ଜନ କରିବାକୁ ଅନିଚ୍ଛୁକ । କେବଳ ଗୋଟାଏ କଥା ଶୁଣିବାବେଳୁଁ ମନଟା କିପରି ଗୁଡେଇପୁଡେଇ ହେଉଛି । ମରୁଆ ସାନ ବୋହୂଙ୍କର ଭାରି ବିଶ୍ବାସୀ ଥିଲା, ସବୁବେଳେ ତାଙ୍କରି ପାଖରେ ଥାଏ । ମରୁଆ ସହିତ ସାନବୋହୂଙ୍କ ବାକ୍ସରେ ଥିବା ଅଳଙ୍କାରଗୁଡିକ ମଧ୍ୟ ମିଳୁନାହିଁ, ବାପଘରୁ ଏବଂ ଶାଶୁଘରୁ ବିଭା ସମୟରେ ମୁହଁଚାହାଁଣି ନଗଦ ଟଙ୍କା ପାଇଥିଲେ, ତାହା ମଧ୍ୟ ବାକ୍ସରେ ଥିଲା । ବାକ୍ସ ମେଲା ହୋଇ ପଡିଛି - ପଦାର୍ଥ କିଛି ନାହିଁ । ସମସ୍ତେ ମାଲ ସହିତ ମରୁଆର ସମ୍ପର୍କ ରଖି କଥା କହୁଛନ୍ତି । ସାନ ବୋହୂତ ସାଙ୍ଘ୍ ଡକା ପାଡୁଛନ୍ତି । ସମସ୍ତେ ଡକା ପଡି ତୁନି ହେଲେ, ମରୁଆକୁ ଖୋଜିବାକୁ କିଏ ଯାଉଛି ?

ଯେଉଁ ଦୁଆରେ ଦିନ ନାହିଁ, ରାତି ନାହିଁ, ଲୋକେ ଯିବାଆସିବା ଗହଳି ଲାଗିଥିଲା, ସେ ଦୁଆରେ ଦୁବ ମାଡିଗଲାଣି ।

ସାରକଥା କେତୋଟା ମାସ ମଧ୍ୟରେ ସମ୍ପତ୍ତି , ଗୌରବ , ଆଧିପତ୍ୟ ସବୁ ଛାରଖାର ହୋଇଗଲାଣି ।

'' ନିର୍ଜଗାମ ଯଦା ଲକ୍ଷ୍ମୀ
ଗଜଭୁକ୍ତକପିତ୍ଥବତ୍ ।''

--0--